ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୨୯ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୮୨୧୧ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୯ ଜଣ ।

ଅନୁଗୋଳ, ତା,୨୪.୧୦:-ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୨୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଂକ ସଂଖ୍ୟା ୧୩୩ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୨୫ଜଣ ( ୧୬ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୧ଜଣ ( ୯ଜଣ ପୁରୁଷ ଓ ୧୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୯ଜଣ ( ୧୫ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୯ ଜଣ (୧୫ ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୫ଜଣ (୧୫ ଜଣ ପୁରୁଷ ), ବଅଁରପାଳ ବ୍ଲକ୍ ଅଂଚଳରୁ ୧୩ଜଣ ( ୧୦ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୫ ଜଣ ( ୫ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ୧ ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ )ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୯ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧୮ଜଣ କୋଭିଡ ହସପିଟାଲରୁ, ୭ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୦୪ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୯୯ ତା.୨୪.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ